# REGIONAL NEWS UNIT, AIR CUTTACK

## Morning Bulletin (7.05 AM)

**30 May – 2024**

## ପ୍ରଚାର କାର୍ଯ୍ୟ

ରାଜ୍ୟରେ ଚତୁର୍ଥ ତଥା ଶେଷ ପର୍ଯ୍ୟାୟ ନିର୍ବାଚନ ଲାଗି ଆଜି ସଂଧ୍ୟାରେ ପ୍ରଚାର କାର୍ଯ୍ୟ ଶେଷ ହେଉଛି । ଚଳିତ ନିର୍ବାଚନରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ନିର୍ବାଚନ ପ୍ରଚାର କାର୍ଯ୍ୟରେ ୪ଥର ଓଡ଼ିଶା ଗସ୍ତରେ ଆସି ପ୍ରଚାର କାର୍ଯ୍ୟରେ ଯୋଗ ଦେଇଥିଲେ । ସେ ବିଭିନ୍ନ ସ୍ଥାନରେ ଜନସଭାକୁ ସମ୍ବୋଧିତ କରିବା ସହ ରୋଡ ଶୋ' ମଧ୍ୟ କରିଥିଲେ । ପ୍ରଧାନମନ୍ତ୍ରୀ ଗତକାଲି ବାରିପଦାର ଛଉପଡିଆ, ବାଲେଶ୍ୱରର ରେମୁଣା ଏବଂ କେନ୍ଦ୍ରାପଡାର ସିଦ୍ଧମଠ ପଡିଆଠାରେ ବିଜୟ ସଂକଳ୍ପ ସମାବେଶରେ ଯୋଗ ଦେଇଥିଲେ ।

କେନ୍ଦ୍ରମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ ଆଜି ବିଭିନ୍ନ ସ୍ଥାନରେ ଦଳୀୟ ପ୍ରାର୍ଥୀଙ୍କ ସପକ୍ଷରେ ପ୍ରଚାର କରିବାର କାର୍ଯ୍ୟକ୍ରମ ରହିଛି ।

କଂଗ୍ରେସର ବରିଷ୍ଠ ନେତା ରାହୁଲ ଗାନ୍ଧୀ ଆଜି ବାଲେଶ୍ୱର ଜିଲ୍ଲାର ସିମୁଳିଆ ଏବଂ ସାନମହତିପୁରରେ ଦଳୀୟ ପ୍ରାର୍ଥୀଙ୍କ ସପକ୍ଷରେ ପ୍ରଚାର କରିବେ ।

ସେହିପରି ବିଜେଡି ସଭାପତି ତଥା ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ମଧ୍ୟ ପ୍ରଚାର କରିବାର କାର୍ଯ୍ୟକ୍ରମ ରହିଛି ।

## ଚତୁର୍ଥ ପର୍ଯ୍ୟାୟ ନିର୍ବାଚନ

ରାଜ୍ୟରେ ଚତୁର୍ଥ ପର୍ଯ୍ୟାୟ ନିର୍ବାଚନ ଲାଗି ଆଜି ସଂଧ୍ୟାରେ ପ୍ରଚାର କାର୍ଯ୍ୟ ଶେଷ ହେବ । ଏହି ପର୍ଯ୍ୟାୟରେ ୬ଟି ଲୋକସଭା ଆସନ ଏବଂ ଏହା ଅନ୍ତର୍ଗତ ୪୨ଟି ବିଧାନସଭା ଆସନ ପାଇଁ ଭୋଟ୍‌ଗ୍ରହଣ କରାଯିବ । ୬ଟି ଲୋକସଭା ଆସନ ହେଉଛି ମୟୂରଭଞ୍ଜ, ବାଲେଶ୍ୱର, ଭଦ୍ରକ, ଯାଜପୁର, କେନ୍ଦ୍ରାପଡା ଓ ଜଗତ୍‌ସିଂହପୁର । ଏହି ୬ଟି ଲୋକସଭା ଆସନ ପାଇଁ ୬୬ଜଣ ପ୍ରାର୍ଥୀ ପ୍ରତିଦ୍ୱନ୍ଦ୍ୱିତା କରୁଛନ୍ତି ।

## ପ୍ରଚାର

ଭଦ୍ରକ ବିଧାନସଭା ନିର୍ବାଚନ ମଣ୍ଡଳୀରେ ନିର୍ବାଚନ ପ୍ରଚାର ଜୋର୍‌ଦାର ହୋଇଛି । ପ୍ରମୁଖ ରାଜନୈତିକ ଦଳ ବିଜେଡି, ବିଜେପି ଓ କଂଗ୍ରେସ ସମେତ ଜଣେ ସ୍ୱାଧୀନ ପ୍ରାର୍ଥୀଙ୍କୁ ମିଶାଇ ୪ଜଣ ପ୍ରାର୍ଥୀ ପ୍ରତିଦ୍ୱନ୍ଦ୍ୱିତା କରୁଛନ୍ତି । ବିଭିନ୍ନ ସ୍ଥାନରେ ସଭାସମିତି ଓ ର୍‍ୟାଲି କରାଯାଉଥିବାବେଳେ ପ୍ରାର୍ଥୀମାନେ ଘରକୁଘର ବୁଲି ପ୍ରଚାର କରୁଛନ୍ତି ।

## ଶ୍ରୀକ୍ଷେତ୍ର ଭଉଁରୀ ଉତ୍ସବ-ଦୁର୍ଘଟଣା

ପୁରୀ ଶ୍ରୀକ୍ଷେତ୍ରରେ ଭଉଁରୀ ଯାତ୍ରାରେ ବାଣ ଫୁଟି ୩୦ରୁ ଅଧିକ ଲୋକ ଆହତ ହୋଇଛନ୍ତି । ଗତକାଲି ନରେନ୍ଦ୍ର ପୁଷ୍କରିଣୀରେ ଚାପଖେଳ ସମୟରେ ଏହି ଅଘଟଣ ଘଟିଥିଲା । ଆହତ ୩୦ଜଣଙ୍କ ମଧ୍ୟରେ ଗୁରୁତର ୧୮ଜଣଙ୍କୁ କଟକ ବଡ ଡାକ୍ତରଖାନା ସ୍ଥାନାନ୍ତର କରାଯାଇଛି ।

ଅନ୍ୟମାନଙ୍କୁ ପୁରୀ ମୁଖ୍ୟ ଚିକିତ୍ସାଳୟରେ ଭର୍ତ୍ତି କରାଯାଇଛି । ଆହତଙ୍କ ମଧ୍ୟରେ କେତେଜଣ ଶିଶୁ ଥିବା ଜଣାପଡିଛି । ସୂଚନା ଅନୁଯାୟୀ ରାତି ପ୍ରାୟ ସାଢ଼େ ୧୦ଟାରେ ନରେନ୍ଦ୍ର ପୁଷ୍କରିଣୀ ଚାରିପଟେ ଲୋକମାନେ ଚାପଖେଳ ଦେଖୁଥିବାବେଳେ ଦେବୀଘାଟ ପଟେ ଗୋଟିଏ ସ୍ଥାନରେ ବହୁସଂଖ୍ୟାରେ ବାଣ ଫୁଟିଥିଲା । ଚାପ ଦେଖୁଥିବା ଭକ୍ତମାନଙ୍କ ଉପରେ ନିଆଁଝୁଲ ପଡିବାରୁ କେତେଜଣ ଜୀବନ ବଞ୍ଚାଇବାକୁ ନରେନ୍ଦ୍ର ପୁଷ୍କରିଣୀ ମଧ୍ୟକୁ ଡେଇଁ ପଡିଥିଲେ ।

# ବାଣ ଦୁର୍ଘଟଣା-ମୁଖ୍ୟମନ୍ତ୍ରୀ

ପୁରୀ ବାଣ ଦୁର୍ଘଟଣା ଘଟଣାରେ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ଦୁଃଖ ପ୍ରକାଶ କରିଛନ୍ତି । ଆହତମାନଙ୍କୁ ଆବଶ୍ୟକ ଚିକିତ୍ସା ସେବା ଯୋଗାଇଦେବା ଲାଗି ସେ ନିର୍ଦ୍ଦେଶ ଦେଇଛନ୍ତି । ଆହତମାଙ୍କ ଚିକିତ୍ସା ଖର୍ଚ୍ଚ ମୁଖ୍ୟମନ୍ତ୍ରୀଙ୍କ ରିଲିଫ ପାଣ୍ଠିରୁ ଖର୍ଚ୍ଚ କରାଯିବ ବୋଲି ମୁଖ୍ୟମନ୍ତ୍ରୀ ଘୋଷଣା କରିବା ସହ ସେମାନଙ୍କ ଆଶୁ ଆରୋଗ୍ୟ କାମନା କରିଛନ୍ତି ।

# ଗ୍ରାମସେବକ ପେନ୍‌ସନ-ହାଇକୋର୍ଟ

ପଞ୍ଚାୟତ ସମ୍ପାଦକରୁ ଗ୍ରାମସେବକକୁ ପଦୋନ୍ନତି ପାଇଥିବା ଆବେଦନକାରୀଙ୍କୁ ସର୍ବନିମ୍ନ ପେନ୍‌ସନ ଦେବାପାଇଁ ଓଡ଼ିଶା ଉଚ୍ଚ ନ୍ୟାୟାଳୟ ନିର୍ଦ୍ଦେଶ ଦେଇଛନ୍ତି । ହାଇକୋର୍ଟ ରାଜ୍ୟ ସରକାରଙ୍କ ଆଦେଶକୁ ରଦ୍ଦ କରିବା ସହିତ ପେନ୍‌ସନ ପାଇଁ ପଞ୍ଚାୟତ ସମ୍ପାଦକ

ଚାକିରୀ ଅବଧିର ସମୟକୁ ହିସାବକୁ ନେବାକୁ କହିଛନ୍ତି । ଆସନ୍ତା ୨ ମାସ ମଧ୍ୟରେ ସମସ୍ତ ପ୍ରକ୍ରିୟା ଶେଷ କରିବାକୁ ହାଇକୋର୍ଟ ନିର୍ଦ୍ଦେଶ ଦେଇଛନ୍ତି ।

## ନାମଲେଖା ଆବେଦନ ପ୍ରକ୍ରିୟା

ରାଜ୍ୟରେ ଥିବା ଏକହଜାର ଅଣଚାଳିଶଟି ମହାବିଦ୍ୟାଳୟରେ ଯୁକ୍ତ ୩ ଶ୍ରେଣୀରେ ନାମ ଲେଖାଇବା ନିମନ୍ତେ ଆସନ୍ତା ଜୁନ୍ ମାସ ୩ ତାରିଖରୁ ଆବେଦନ ପ୍ରକ୍ରିୟା ଆରମ୍ଭ ହେବ । ଏନେଇ ରାଜ୍ୟ ଉଚ୍ଚଶିକ୍ଷା ବିଭାଗ ପକ୍ଷରୁ ସୂଚନା ମିଳିଛି । ଏହି ପ୍ରକ୍ରିୟାରେ ଛାତ୍ରଛାତ୍ରୀମାନେ କଳା, ବିଜ୍ଞାନ, ବାଣିଜ୍ୟ, ସଂସ୍କୃତ, ଆଇନ୍, ଇଣ୍ଟିଗ୍ରେଟେଡ ଏମ୍‌ବିଏ ଓ ଏମ୍‌ସିଏ ପାଠ୍ୟକ୍ରମ ପାଇଁ ଆବେଦନ କରିପାରିବେ । ୪ଟି ପର୍ଯ୍ୟାୟରେ ହେବାକୁ ଥିବା ଆଡମିଶନ ପାଇଁ ଆବେଦନର ଶେଷ ତାରିଖ ଜୁନ୍ ୧୭ ତାରିଖ ରହିଛି । ପ୍ରଥମପର୍ଯ୍ୟାୟ ନାମଲେଖା ତାଲିକା ଜୁନ୍ ୨୫ରେ ପ୍ରକାଶ ପାଇବାକୁ ଥିବାବେଳେ ଦ୍ୱିତୀୟ ନାମଲେଖା ତାଲିକା ଜୁଲାଇ ୫ରେ ପ୍ରକାଶ ପାଇବ ।

## ପ୍ୟାନ୍-ଆଧାର ନମ୍ବର ଲିଙ୍କ

ଚଳିତମାସ ଶେଷ ସୁଦ୍ଧା ପ୍ୟାନ୍ ନମ୍ବର ସହିତ ଆଧାର ନମ୍ବରକୁ ଯୋଡ଼ିବା ପାଇଁ ଆୟକର ବିଭାଗ ପକ୍ଷରୁ ବିଜ୍ଞପ୍ତି ଜାରି କରାଯାଇଛି । ଚଳିତବର୍ଷ ଆୟକର ରିଟର୍ଣ୍ଣ ଦାଖଲର ଶେଷ ତାରିଖ ଜୁଲାଇ ମାସ ୩୧ ତାରିଖ ଧାର୍ଯ୍ୟ କରାଯାଇଛି । ଏହାପୂର୍ବରୁ କେନ୍ଦ୍ରୀୟ ପ୍ରତ୍ୟକ୍ଷ ଟିକସ ବୋର୍ଡ଼ କରଦାତାଙ୍କୁ ସେମାନଙ୍କର ପ୍ୟାନ୍ ଏବଂ ଆଧାର ନମ୍ବର ଯୋଡ଼ିବା ପାଇଁ

ପରାମର୍ଶ ଦେଇଥିଲା । ମିଳିଥିବା ସୂଚନା ଅନୁସାରେ ୨୦୨୪ ମସିହା ଜାନୁଆରୀ ମାସ ୨୯ ତାରିଖ ସୁଦ୍ଧା ଦେଶରେ ୧୧କୋଟି ୪୮ଲକ୍ଷ ପ୍ୟାନ୍ ନମ୍ବର ଆଧାର ନମ୍ବର ସହିତ ସଂଯୋଗ କରାଯାଇନାହିଁ ।

## ପାଣିପାଗ

ଉତ୍ତର-ପଶ୍ଚିମ ଦିଗରୁ ଶୁଷ୍କ ବାୟୁ ପ୍ରବାହିତ ହେବା କାରଣରୁ ରାଜ୍ୟରେ ଦିନ ତାପମାତ୍ରା ବୃଦ୍ଧି ପାଇବାରେ ଲାଗିଛି । ଆସନ୍ତା ୨ ଦିନ ପର୍ଯ୍ୟନ୍ତ ରାଜ୍ୟର ଆଭ୍ୟନ୍ତରୀଣ ଜିଲ୍ଲା ଗୁଡ଼ିକରେ ତାପମାତ୍ରା ୩ରୁ ୫ ଡିଗ୍ରୀ ବୃଦ୍ଧି ପାଇବା ନେଇ ଆଞ୍ଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ର ପକ୍ଷରୁ ପୂର୍ବାନୁମାନ କରିଛି ।

ଗତକାଲି ବଲାଙ୍ଗୀରରେ ସର୍ବୋଚ୍ଚ ତାପମାତ୍ରା ୪୬ ଦଶମିକ ୩ ଡିଗ୍ରୀ ରେକର୍ଡ କରାଯାଇଛି । ୧୦ଟି ସହରରେ ସର୍ବାଧିକ ତାପମାତ୍ରା ୪୪ ଡିଗ୍ରୀରୁ ଅଧିକ ରହିଥବା ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ ବିଭାଗ ପକ୍ଷରୁ ସୂଚନା ଦିଆଯାଇଛି ।

## ଏସ୍ଆର୍ସି

ରାଜ୍ୟରେ ବିଭିନ୍ନ ସ୍ଥାନରେ ଅସହ୍ୟ ଗୁଳଗୁଳି ଓ ଗରମ ଅନୁଭୂତ ହେଉଥିବାରୁ ସତର୍କତାମୂଳକ ପଦକ୍ଷେପ ଗ୍ରହଣ କରିବା ଲାଗି ସ୍ୱତନ୍ତ୍ର ରିଲିଫ କମିଶନର ସତ୍ୟବ୍ରତ ସାହୁ ସ୍ୱାସ୍ଥ୍ୟସଚିବ ଓ ଜିଲ୍ଲାପାଳମାନଙ୍କୁ ନିର୍ଦ୍ଦେଶ ଦେଇଛନ୍ତି । ଆଭ୍ୟନ୍ତରୀଣ ଜିଲ୍ଲାର ଅନେକ ସ୍ଥାନରେ ସର୍ବୋଚ୍ଚ ଦିନ ତାପମାତ୍ରା ୪୦ଡିଗ୍ରୀ

ଉପରେ ରହିବାର ସମ୍ଭାବନା ଥିବାବେଳେ ଉପକୂଳ ଓଡ଼ିଶାର କେତେକ ଜିଲ୍ଲାରେ ତାପମାତ୍ରା ସ୍ୱାଭାବିକଠାରୁ ୨ରୁ ୩ ଡିଗ୍ରୀ ଅଧିକ ରହିବ । ଏହାର ମୁକାବିଲା ପାଇଁ ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ର, ପ୍ରାଥମିକ ସ୍ୱାସ୍ଥ୍ୟ କେନ୍ଦ୍ର, ଉପଖଣ୍ଡ ଓ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ମୌଳିକ ସ୍ୱାସ୍ଥ୍ୟସେବା ଯୋଗାଇ ଦେବାକୁ ଏସ୍.ଆର୍.ସି ନିର୍ଦ୍ଦେଶ ଦେଇଛନ୍ତି ।